ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୮୯ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୦୬୯୧ରେ ପହଞ୍ଚିଲା - ସୁସ୍ଥ ହେଲେ ୧୩୦ ଜଣ ।

ଅନୁଗୋଳ, ତା.୨୯.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୮୯ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୧୪ଜଣ (୯ ଜଣ ପୁରୁଷ ଓ ୫ଜଣ ମହିଳା), ବଣଁରପାଳ ବ୍ଲକ୍ ଅଂଚଳରୁ ୧୨ଜଣ (୭ ଜଣ ପୁରୁଷ ଓ୫ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୧ଜଣ (୧୦ ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୦ଜଣ (୮ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୯ଜଣ ( ୭ଜଣ ପୁରୁଷ ଓ୨ ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ୪୦ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୩୦ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୬୩ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୯୧ହଜାର ୪୪ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୮୦ ତା.୨୯.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ